# REGIONAL NEWS UNIT, AIR CUTTACK
## Morning Bulletin (7.05 AM)
**16 June – 2025**

*************************************************

## ନିଯୁକ୍ତିପତ୍ର

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ପୂର୍ବାହ୍ନରେ ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟର କୃଷି ଶିକ୍ଷା ସଦନଠାରେ ୫ଟି ବିଭାଗର ନୂତନ ଭାବେ ମନୋନୀତ ୯୬୪ ଜଣ ପ୍ରାର୍ଥୀଙ୍କୁ ନିଯୁକ୍ତିପତ୍ର ପ୍ରଦାନ କରିବେ । ପୂର୍ତ୍ତ ବିଭାଗର ୫୬୩, ଜଳସମ୍ପଦ ବିଭାଗର ୬୨, ପଞ୍ଚାୟତିରାଜ ଓ ପାନୀୟଜଳ ବିଭାଗର ୧୧୭, ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗର ୨୦୪ ଏବଂ ଖାଦ୍ୟଯୋଗାଣ ଓ ଖାଉଟି କଲ୍ୟାଣ ବିଭାଗର ୧୮ ଜଣ ନବନିଯୁକ୍ତଙ୍କୁ ନିଯୁକ୍ତିପତ୍ର ପ୍ରଦାନ କରାଯିବ ।

.................................................

## ଡାଇରିଆ ନିରାକରଣ ଅଭିଯାନ

ଡାଇରିଆ ସଂକ୍ରମଣରୁ ସୁରକ୍ଷା ନିମନ୍ତେ ଆଜିଠାରୁ ରାଜ୍ୟରେ ଡାଇରିଆ ନିରାକରଣ ଅଭିଯାନ ଆରମ୍ଭ ହେଉଛି । ରାଜ୍ୟ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ପକ୍ଷରୁ ଆରମ୍ଭ ହୋଇଥିବା ଏହି ଅଭିଯାନ ଆସନ୍ତା ମାସ ୩୧ ତାରିଖ ପର୍ଯ୍ୟନ୍ତ ଚାଲିବ । ଅଭିଯାନରେ ଲୋକମାନଙ୍କୁ ସଚେତନ କରାଯିବା ସହ ବିଶୁଦ୍ଧ ପାନୀୟ ଜଳ ବ୍ୟବହାର ଏବଂ ସ୍ୱଚ୍ଛତା ଉପରେ ସ୍ୱତନ୍ତ୍ର ଧ୍ୟାନ ଦିଆଯିବ ।

.................................................

## ଯାଜପୁର-ଝାଡ଼ାବାନ୍ତି

ଯାଜପୁର ଜିଲ୍ଲାରେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ମୁକେଶ ମହାଲିଙ୍ଗ, ରାଜ୍ୟସ୍ତରୀୟ ବରିଷ୍ଠ ଅଧିକାରୀ ଓ କେନ୍ଦ୍ରୀୟ ଟିମ୍ ଝାଡ଼ାବାନ୍ତି ସ୍ଥିତିର ନିରୀକ୍ଷଣ କରିଛନ୍ତି । ସଂପୃକ୍ତ ଟିମ୍ ଯାଜପୁର ଓ କେନ୍ଦୁଝର ଜିଲ୍ଲା ଆନନ୍ଦପୁର ସବ୍‌ଡିଭିଜନର ପ୍ରଭାବିତ ଅଞ୍ଚଳ ଗସ୍ତ କରିଥିଲେ । ମନ୍ତ୍ରୀ ଶ୍ରୀ ମହାଲିଙ୍ଗ ବଡ଼ଚଣା, ଧର୍ମଶାଳା, ମଧୁବନ ଓ ଯାଜପୁରରୋଡର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ସମେତ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ରୋଗୀମାନଙ୍କ ସ୍ୱାସ୍ଥ୍ୟାବସ୍ଥା ସଂପର୍କରେ ପଚାରି ବୁଝିଥିଲେ । ପରେ ଏକ ସମୀକ୍ଷା ବୈଠକରେ ପ୍ରତିଶେଧମୂଳକ ପଦକ୍ଷେପ ଗୁଡ଼ିକୁ ବ୍ୟାପକ କରିବା ନିମନ୍ତେ ନିଷ୍ପତ୍ତି ନିଆଯାଇଛି । ସ୍ୱାସ୍ଥ୍ୟସେବା ବିଭାଗର ସ୍ୱତନ୍ତ୍ର ଶାସନ ସଚିବ ଯାଜପୁର ଜିଲ୍ଲାରେ ଝାଡ଼ାବାନ୍ତି ସ୍ଥିତିରେ ସୁଧାର ଆସିଥିବା କହିଛନ୍ତି । ଏବେ ଝାଡ଼ାବାନ୍ତିରେ ଆକ୍ରାନ୍ତ ହୋଇ ୨୫୮ ଜଣ ଚିକିତ୍ସିତ ହେଉଥିବା ବେଳେ ୧ ହଜାର ୫୦୮ ଜଣ ଆରୋଗ୍ୟ ଲାଭ କରିଥିବା ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ଡାକ୍ତର ନୀଳକଣ୍ଠ ମିଶ୍ର କହିଛନ୍ତି ।

**V/O**

---

# ଡିଜିପି-ରଥଯାତ୍ରା

ଅଣସରରେ ଥିବା ମହାପ୍ରଭୁଙ୍କୁ ଆଜି ପଞ୍ଚମୀ ତିଥିରେ ବଡ଼ ଓଡ଼ିଆ ମଠ ପକ୍ଷରୁ ପ୍ରସ୍ତୁତ ଫୁଲୁରୀ ତେଲ ଲାଗି କରାଯିବ । ମହାପ୍ରଭୁ

ଜ୍ୱରପୀଡ଼ାରୁ ସାମାନ୍ୟ ସୁସ୍ଥତା ଅନୁଭବ କରିବେ ବୋଲି ଆଶା କରାଯାଉଛି ।

ଚଳିତମାସ ୨୭ ତାରିଖରେ ଅନୁଷ୍ଠିତ ହେବାକୁଥିବା ବିଶ୍ୱପ୍ରସିଦ୍ଧ ରଥଯାତ୍ରାକୁ ଶୃଙ୍ଖଳିତ ଏବଂ ତ୍ରୁଟିଶୂନ୍ୟ କରିବା ଲାଗି ଭୁବନେଶ୍ୱରଠାରେ ଆରକ୍ଷୀ ମହାନିର୍ଦ୍ଦେଶକ ଯୋଗେଶ ବାହାଦୂର ଖୁରାନିଆଙ୍କ ଅଧ୍ୟକ୍ଷତାରେ ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହୋଇଯାଇଛି । ମହାପ୍ରଭୁଙ୍କ ନବଯୌବନ ଦର୍ଶନ, ରଥଯାତ୍ରା, ବାହୁଡ଼ାଯାତ୍ରା ଏବଂ ସୁନାବେଶ ସମୟରେ ଦେଶବିଦେଶରୁ ଲକ୍ଷାଧିକ ଭକ୍ତଙ୍କ ସମାଗମ ହେବାକୁ ଥିବାରୁ, ସୁରକ୍ଷା ବ୍ୟବସ୍ଥା ସଂପର୍କରେ ବୈଠକରେ ଆଲୋଚନା ହୋଇଥିଲା । ପ୍ରଥମଥର ପାଇଁ ଟାଉନ୍ ଥାନାରେ ସମନ୍ୱିତ ନିୟନ୍ତ୍ରଣ କକ୍ଷ ସ୍ଥାପନ ସହ ଉତ୍ତରା ଛକରୁ ପୁରୀ ପର୍ଯ୍ୟନ୍ତ କ୍ୟାମେରା ବ୍ୟବସ୍ଥା କରିବାକୁ ନିର୍ଦ୍ଦେଶ ଦିଆଯାଇଛି ।

**V/O**

.......................................................................................................

# ଇସ୍କନ-ସ୍ନାନଯାତ୍ରା

ଇସ୍କନ ପକ୍ଷରୁ ଅସମୟରେ ମହାପ୍ରଭୁଙ୍କ ସ୍ନାନଯାତ୍ରା କରିବା ନେଇ ଗଜପତି ମହାରାଜା ଇସ୍କନ ପରିଚାଳନା କମିଟି ଅଧ୍ୟକ୍ଷଙ୍କୁ ପତ୍ର ଲେଖିଛନ୍ତି । ଦେଶ ବାହାରେ ଇସ୍କନ ପକ୍ଷରୁ ଶ୍ରୀଜଗନ୍ନାଥଙ୍କ ସ୍ନାନଯାତ୍ରା ଓ ରଥଯାତ୍ରା ଶାସ୍ତ୍ର ଅନୁମୋଦିତ ତିଥି ବଦଳରେ ଅନ୍ୟଦିନ କରିବାକୁ ନେଇ ଗଜପତି ମହାରାଜା ଏହାକୁ ଶାସ୍ତ୍ର ବିରୋଧୀ ବୋଲି କହିଛନ୍ତି ।

.......................................................................................................

## ରଜପର୍ବ

ରାଜ୍ୟର କୃଷିଭିତ୍ତିକ ରଜପର୍ବର ତୃତୀୟ ଦିନରେ ଆଜି ମଧ୍ୟ ଆନନ୍ଦ ଉତ୍ସବର ସହିତ ପାଳନ କରାଯାଉଛି । ଆସନ୍ତାକାଲି ବସୁମତି ସ୍ନାନ ପାଳନ କରାଯାଇ ରଜ ପର୍ବ ଶେଷ ହେବ। ଗାଁଠାରୁ ସହର ପର୍ଯ୍ୟନ୍ତ ବିଭିନ୍ନ ଅଞ୍ଚଳରେ ଏଥିପାଇଁ ପ୍ରତିଯୋଗିତାମାନ ଅନୁଷ୍ଠିତ ହେଉଛି ।

## ବିକଶିତ ଭାରତ କାର୍ଯ୍ୟକ୍ରମ

ଭଦ୍ରକ ଜିଲ୍ଲା କେଶପୁରସ୍ଥିତ ଶ୍ରୀଜଗନ୍ନାଥ ମନ୍ଦିର ସମ୍ମୁଖରେ କେନ୍ଦ୍ର ସରକାରଙ୍କ ୧୧ ବର୍ଷ ଏବଂ ରାଜ୍ୟ ସରକାର ଏକବର୍ଷ ପୂର୍ତ୍ତି ଉପଲକ୍ଷେ ବିକଶିତ ଭାରତ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ସାଂସଦ ଅଭିମନ୍ୟୁ ସେଠୀ ଓ ବିଧାୟକ ସୀତାଂଶୁ ଶେଖର ମହାପାତ୍ର ପ୍ରମୁଖ କାର୍ଯ୍ୟକ୍ରମରେ ଯୋଗଦେଇ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବିଭିନ୍ନ ଜନକଲ୍ୟାଣକାରୀ ଯୋଜନା ଉପରେ ଆଲୋଚନା କରିଥିଲେ ।

## କର୍ମଶାଳା

ମାଲକାନଗିରି ଜିଲ୍ଲାପରିଷଦ ସମ୍ମିଳନୀ କକ୍ଷରେ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିଭାଗ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକଙ୍କ ଅଧ୍ୟକ୍ଷତାରେ ଜିଲ୍ଲାସ୍ତରୀୟ ଓଡ଼ିଶା ଭିଜନ ୨୦୩୬ ଓ ୨୦୪୭ ବିକଶିତ ଓଡ଼ିଶା ପାଇଁ ବିକଶିତ ଜିଲ୍ଲା ପରାମର୍ଶ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି । ମନ୍ତ୍ରୀ ଶ୍ରୀ ମଲ୍ଲିକ କହିଛନ୍ତି,

ମାଲକାନଗିରି ଜିଲ୍ଲା କିଭଳି ବିକଶିତ ହୋଇପାରିବ ସେ ନେଇ ରୋଡ୍‌ମ୍ୟାପ୍ ପ୍ରସ୍ତୁତ କରାଯାଇଛି ।

## କରାଟେ

ଉତ୍ତରାଖଣ୍ଡରେ ଆୟୋଜିତ ଜାତୀୟ କରାଟେ ପ୍ରତିଯୋଗିତାରେ ଓଡ଼ିଶାକୁ ୮ଟି ସ୍ୱର୍ଣ୍ଣ, ୧୩ଟି ରୌପ୍ୟ ଓ ୧୫ଟି କାଂସ୍ୟ ପଦକ ମିଳିଛି । ଗତକାଲି ଉଦ୍‌ଯାପନୀ ଦିବସରେ ଓଡ଼ିଶା ପ୍ରତିଯୋଗୀଙ୍କ ପ୍ରଦର୍ଶନ ଅତ୍ୟନ୍ତ ଉଚ୍ଚକୋଟୀର ଥିଲା ।

## ପାଣିପାଗ

ରାଜ୍ୟର କେତେକ ସ୍ଥାନରେ ଆସନ୍ତା ୭ ଦିନ ମଧ୍ୟରେ  ହାଲୁକାରୁ ମଧ୍ୟମ ଧରଣର ବର୍ଷା ହେବାର ସମ୍ଭାବନା ରହିଛି  ବୋଲି ଭୁବନେଶ୍ୱର ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ମିଳିଛି । ବର୍ଷା ଯୋଗୁଁ ଆଗାମୀ ୩ ଦିନ ମଧ୍ୟରେ ତାପମାତ୍ରା ୨ରୁ ୪ ଡ଼ିଗ୍ରୀ ହ୍ରାସ ପାଇବାର ସମ୍ଭାବନା ରହିଛି । ପ୍ରବଳ ବର୍ଷା ହେବା ନେଇ ସୁନ୍ଦରଗଡ଼, କେନ୍ଦୁଝର, ଝାରସୁଗୁଡ଼ା, ବରଗଡ଼, ମୟୂରଭଞ୍ଜ ଏବଂ ବାଲେଶ୍ୱରକୁ ସତର୍କ ସୂଚନା ଜାରି କରାଯାଇଛି ।